# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 305 CUTTACK, MONDAY, FEBRUARY 22, 2021/FALGUNA 3, 1942**


## ଯାଜପୁର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ

### ଅଧିସୂଚନା

No. 2593--COL-JAJ-VIIL-26/2020-LA(Civil), The 20th February 2021

ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ ଯାଜପୁର ଜିଲ୍ଲାର ଯାଜପୁର ସହରର କୁସୁମା ପୋଖରୀର ସଂରକ୍ଷଣ ନିମନ୍ତେ ସରକାର (Appropriate Government) ସରକାରୀ ବ୍ୟୟରେ ମୌଜା-ୟୁନିଟ ୭ ଶୀତଳେଶ୍ୱର, ଥାନା-ଯାଜପୁର, ତହସିଲ- ଯାଜପୁର, ଜିଲ୍ଲା-ଯାଜପୁର ରେ ନିମ୍ନ ତଫସିଲ ମତେ ପ୍ରାୟ ଏ.୦.୪୧୬ଡି. ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି;

ତେଣୁ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ,୨୦୧୩ (RFCTLAR & R Act,୨୦୧୩) ର ୧୧(୧) ଧାରାରେ ଭାରପ୍ରାପ୍ତ ହୋଇ ସରକାର (Appropriate Government) ଏତଦ୍ୱାରା ନିମ୍ନ ଅନୁସୂଚି ରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଇଅଛି।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ,୨୦୧୩ ୧୧(୧) ଧାରା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ତ୍ୱାଧିକାରୀ / ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚୀତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ ଦିନ ମଧ୍ୟରେ ସମ୍ପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ।

<u>ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ</u>

୧-ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ- ଯାଜପୁର ସହରର କୁସୁମା ପୋଖରୀର ସଂରକ୍ଷଣ ନିମନ୍ତେ

୨-ଜମି ଆବଶ୍ୟକ କରୁଥିବା ସଂସ୍ଥା ର ନାମ- ନିର୍ବାହୀ ଅଧିକାରୀ, ଯାଜପୁର ପୌରପାଳିକା, ଯାଜପୁର

୩-କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ- ସାର୍ବଜନୀନ ଉଦ୍ଦେଶ୍ୟରେ ଯାଜପୁର ସହରର କୁସୁମା ପୋଖରୀର ସଂରକ୍ଷଣ କରିବା।

୪-ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ- ଓଡିଶା ସରକାର ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ଘୋଷଣା ନାମା ଚିଠି ସଂଖ୍ୟା-୬୬୬/୦୬.୦୧.୨୦୨୧ ପ୍ରକାରେ ଭୂମି ଅଧିଗ୍ରହଣ ନିମନ୍ତେ ୮(୨) ଧାରା ରେ ଅନୁମୋଦନ ହୋଇଅଛି।

୫-ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ- ଉପ-ଜିଲ୍ଲାପାଳ, ଯାଜପୁର।

୬-ଜମିର ବିବରଣୀ-

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ | ପ୍ଲଟ ନଂ | ପ୍ଲଟ ର ମୋଟ ରକବା | ଅଧିସୂଚିତ ଜମିର ରକବା | ରାୟତର ନାମ |
|---|---|---|---|---|---|---|---|---|
| ଯାଜପୁର | ଯାଜପୁର | ୟୁନିଟ ୭ ଶୀତଳେଶ୍ୱର | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏ.୦.୪୧୬ | ଏ.୦.୪୧୬ | ଏଥି ସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ଭୂ-ଅର୍ଜନ ଅଧିକାରୀ(ସିଭିଲ), ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ଯାଜପୁର ଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର(ଦେଣ ନେଣ) କିମ୍ବା ଦାୟ ସୃଷ୍ଟି ଯାଜପୁର ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ।

## ଭୂମି-ଅନୁସୂଚି

### ପ୍ରକଳ୍ପ ର ନାମ- ଯାଜପୁର ସହରର କୁମାର ପୋଖରୀର ସଂରକ୍ଷଣ

### ମୌଜା-ୟୁନିଟ-୭ ଶୀତଳେଶ୍ୱର, ଥାନା ନଂ-୨୧୦, ଥାନା/ତହସିଲ/ଜିଲ୍ଲା-ଯାଜପୁର

| କ୍ର. ନଂ. | ଖାତା ନଂ | ପ୍ଲଟ ନଂ | ମୋଟ ରକବା | ଅଧିଗୃହିତ ରକବା | କିସମ | ପ୍ରଜାଙ୍କ ନାମ ଓ ଧାମ | ମନ୍ତବ୍ୟ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ୧ | ୧୨୩ | ୪୫୫/ ୧୩୭୮ | ୦.୩୬୬ | ୦.୩୬୬ | ଜଳାଶୟ-୧ | ଗୋଦାବରୀଶ ମିଶ୍ର ପିତା-ପରମାନନ୍ଦ ମିଶ୍ର,ଜାତି-ବ୍ରାହ୍ମଣ ସା-ଭୀମକରପୁର | |
| ୨ | ୧୨୩ | ୪୫୪/ ୧୩୭୯ | ୦.୦୫ | ୦.୦୫ | ଆଡି | | |
| | | | ମୋଟ ରକବା | ୦.୪୧୬ | | | |

ରାଜ୍ୟପାଳଙ୍କ ଆଦେଶକ୍ରମେ

(ଚକ୍ରବର୍ତ୍ତୀ ସିଂହ ରାଠୋର)
ଜିଲ୍ଲାପାଳ, ଯାଜପୁର

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1380—173+9